ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୫୩ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୧୪୦୯ ରେ ପହଞ୍ଚିଲା - ସୁସ୍ଥ ହେଲେ ୩୨ ଜଣ ।

ଅନୁଗୋଳ, ତା,୧୫.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୫୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୦୦ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୬ ଜଣ ( ୧୦ଜଣ ପୁରୁଷ ଓ ୬ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୦ଜଣ (୭ ଜଣ ପୁରୁଷ ଓ ୩ଜଣ ମହିଳା), ବଁଅରପାଳ ବ୍ଲକ୍ ଅଂଚଳରୁ ୮ଜଣ (୪ ଜଣ ପୁରୁଷ ଓ ୪ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୫ଜଣ (୩ ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ), ଅନୁଗୋଳ ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ ), ଅନୁଗୋଳ ବ୍ଲକ୍ ଅଂଚଳରୁ ୧ ଜଣ ( ୧ଜଣ ପୁରୁଷ ), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ଜଣ ( ୧ ଜଣ ମହିଳା) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୩୨ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୨ଜଣ କୋଭିଡ ହସପିଟାଲରୁ ଓ ୩୦ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୮୧୦ ତା.୧୫.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

(signature) ୧୫/୧୨/୨୦୨୦
ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ